# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 186 CUTTACK, FRIDAY, JANUARY 29, 2021/MAGHA 9, 1942**


## କଟକ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ

ଅଧିସୂଚନା

ତାରିଖ 27 ଜାନୁଆରୀ 2021

ସଂଖ୍ୟା ୧୮୦—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି, ଏକ ସାର୍ବଜନୀନ ଉଦ୍ଦେଶ୍ୟରେ କଟକ ଜିଲ୍ଲାର ଶ୍ରୀରାମ ଚନ୍ଦ୍ର ଭଞ୍ଜ ଭେଷଜ ମହାବିଦ୍ୟାଳୟ ଏବଂ ଚିକିତ୍ସାଳୟର ପୁନର୍ବିନ୍ୟାସ ପ୍ରକଳ୍ପର ରାସ୍ତା ନିର୍ମାଣ ନିମନ୍ତେ ସରକାର (Appropriate Government) ସରକାରୀ ବ୍ୟୟରେ ମୌଜା ୟୁନିଟ ନଂ.୨୦, ମଙ୍ଗଳାବାଗ, ଥାନା ମଙ୍ଗଳାବାଗ, ତହସିଲ ସଦର କଟକ, ଜିଲ୍ଲା କଟକରେ ନିମ୍ନ ତଫସିଲ ମତେ ପ୍ରାୟ ଏ. ୦.୪୬୦ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ;

ତେଣୁ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ (RFCTLAR & R Act, 2013) ର ୧୧(୧) ଧାରାରେ ଭାରପ୍ରାପ୍ତ ହୋଇ ସରକାର (Appropriate Government) ଏତଦ୍ଦ୍ୱାରା ନିମ୍ନ ଅନୁସୂଚୀରେ ପ୍ରଦତ୍ତ ଜମି ଅଧିଗ୍ରହଣ ପାଇଁ ପ୍ରାରମ୍ଭିକ ଅଧିସୂଚନା ଜାରି କରାଯାଉଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, ୨୦୧୩ର ୧୧(୧) ଧାରା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥିସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଯଦି ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମି ମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଥାଏ, ସେ ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ (ଷାଠିଏ) ଦିନ ମଧ୍ୟରେ ସମ୍ପୃକ୍ତ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

### ପ୍ରକଳ୍ପ ସମ୍ବନ୍ଧୀୟ ବିବରଣୀ

୧ । ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ – ଶ୍ରୀରାମ ଚନ୍ଦ୍ର ଭଞ୍ଜ ଭେଷଜ ମହାବିଦ୍ୟାଳୟ ଏବଂ ଚିକିତ୍ସାଳୟର ପୁନର୍ବିନ୍ୟାସ ଉଦ୍ଦେଶ୍ୟରେ ରାସ୍ତା ନିର୍ମାଣ ନିମନ୍ତେ ।

୨ । ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ – ନିର୍ବାହୀ ଯନ୍ତ୍ରୀ (ରାସ୍ତା ଓ ଗୃହ ନିର୍ମାଣ) ବିଭାଗ , କଟକ-୧ ।

୩ । କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ – ସାର୍ବଜନୀନ ଉଦ୍ଦେଶ୍ୟରେ ଶ୍ରୀରାମ ଚନ୍ଦ୍ର ଭଞ୍ଜ ଭେଷଜ ମହାବିଦ୍ୟାଳୟ ଏବଂ ଚିକିତ୍ସାଳୟର ପୁନର୍ବିନ୍ୟାସ ପାଇଁ ରାସ୍ତା ନିର୍ମାଣ ନିମନ୍ତେ କାର୍ଯ୍ୟକାରୀ କରିବା ।

୪ । ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ- ଧାରା ୮(୨) ମୁତାବକ ପ୍ରକାଶିତ ଘୋଷଣା ଉକ୍ତ ପ୍ରକଳ୍ପ ପାଇଁ

ପ୍ରଯୁଜ୍ୟ ଅଟେ ।

୫ । ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ– ଉପଜିଲ୍ଲାପାଳ,ସଦର କଟକ ।

୬ । ଜମିର ବିବରଣୀ :–

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନମ୍ବର | ପ୍ଲଟ୍‌ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତର ନାମ |
|---|---|---|---|---|---|---|---|---|
| କଟକ | ସଦର କଟକ | ୟୁନିଟ ନଂ. ୨୦ ମଙ୍ଗଳାବାଗ | ସହରାଞ୍ଚଳ | ୬୧ | ୬୨୭ | ଏ ୦.୪୬୦ | ଏ ୦.୪୬୦ | କୁମାରଜି ଗାଙ୍ଗଜି ପିତା– ଗାଙ୍ଗଜି ଦୟା, ମଙ୍ଗଳାବାଗ, (ରାଣିହାଟ), କଟକ |

ଉକ୍ତ ଅଧିସୂଚିତ ଜମି ରକବା ମଧ୍ୟରୁ ଏ.୦.୦୦ ସଂରକ୍ଷିତ ସରକାରୀ ଜମି ପ୍ରତିବଦଳ ପାଇଁ ଉଦ୍ଦିଷ୍ଟ ।

ଉକ୍ତ ଭୂମିର ଏକ ନକ୍ସା ଭୂ–ଅର୍ଜନ ଅଧିକାରୀ (ପୌର), କଟକଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟବିକ୍ରୟ, ହସ୍ତାନ୍ତର (ଦେଣନେଣ) କିମ୍ବା ଦାୟ ସୃଷ୍ଟି କଟକ ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

ଭବାନୀ ଶଙ୍କର ଚୟନୀ
ଜିଲ୍ଲାପାଳ, କଟକ

---

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz.1261—173+9